ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/213/10-05-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୦ ମଇ, ୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ଅନୁଷ୍ଠିତ ରାଜ୍ୟ କ୍ୟାବିନେଟ୍‌ରେ ଅଧକ୍ଷତା କରି କୋଭିଡ୍-୧୯ ବିରୁଦ୍ଧ ସଂଗ୍ରାମରେ କୋଭିଡ୍ ଯୋଦ୍ଧାମାନଙ୍କ ନିଷ୍ଠା ଓ ତ୍ୟାଗକୁ ପ୍ରଶଂସା କରିଛନ୍ତି ।

- ରାଜ୍ୟରେ ଟିକାକରଣ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ଉଦ୍ଦେଶ୍ୟରେ ବିଭିନ୍ନ ପ୍ରମୁଖ କମ୍ପାନୀମାନଙ୍କଠାରୁ କୋଭିଡ୍ ଟିକା ସଂଗ୍ରହ ନିମନ୍ତେ ଗ୍ଲୋବାଲ ଟେଣ୍ଡର ଜାରି କରିବାକୁ ରାଜ୍ୟ କ୍ୟାବିନେଟ୍ ନିଷ୍ପତ୍ତି ନେଇଛନ୍ତି ।

- ରାଜ୍ୟ କ୍ୟାବିନେଟ୍ ପରୀକ୍ଷଣ, ଚିହ୍ନଟକରଣ, ଟିକାକରଣ ଏବଂ ଲକ୍‌ଡାଉନ୍ ପରି ବିଭିନ୍ନ କୋଭିଡ୍ ପ୍ରତିରୋଧୀ ପଦକ୍ଷେପଗୁଡ଼ିକରେ ସହଯୋଗ କରିଥିବାରୁ ରାଜ୍ୟବାସୀଙ୍କୁ କୃତଜ୍ଞତା ଜଣାଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍ ସ୍ଥିତିରେ ଶିଶୁଙ୍କ ସ୍ୱାସ୍ଥ୍ୟରକ୍ଷା ପାଇଁ ସ୍ୱତନ୍ତ୍ର ଯୋଜନା ପ୍ରସ୍ତୁତ କରିବା ଉପରେ ଗୁରୁତ୍ୱ ଦେଇଛନ୍ତି । ଏଥି ସହ ଶିଶୁଯତ୍ନ କେନ୍ଦ୍ରରେ ଉତ୍ତମ ସ୍ୱାସ୍ଥ୍ୟସେବା ପାଇଁ ଅକ୍ସିମିଟର, ପିପିଇ କିଟ୍ ମହଜୁଦ ରଖାଯିବା ସହ ସ୍ୱତନ୍ତ୍ର ନୋଡାଲ ଅଧିକାରୀ ନିୟୋଜିତ ହୋଇଛନ୍ତି ବୋଲି ସେ ପ୍ରକାଶ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟ ସରକାରଙ୍କ ପକ୍ଷରୁ କୋଭିଡ୍ ସ୍ଥିତିରେ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ଆହୁରି ସୁଦୃଢ଼ କରିବାକୁ ସୁନ୍ଦରଗଡ଼ରେ ୯୦ଟି ଆଇସିୟୁ ଓ ୧୨୦ଟି ଅମ୍ଳଜାନଯୁକ୍ତ ଶଯ୍ୟା ସ୍ଥାପନ କରାଯିବ । ଏଥି ସହ ସଂକ୍ରମିତଙ୍କ ଚିକିତ୍ସା ପାଇଁ ବରଗଡ଼ରେ ୩୦ଟି ଆଇସିୟୁ ଶଯ୍ୟା ଓ ଆର୍‌ଟିପିସିଆର୍ ଟେଷ୍ଟିଂ ଲ୍ୟାବ୍ ପ୍ରତିଷ୍ଠା କରିବାକୁ ନିଷ୍ପତ୍ତି ନେଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋରାପୁଟ ଜିଲ୍ଲାର ଗୁରୁତର କୋଭିଡ୍-୧୯ ରୋଗୀଙ୍କ ଚିକିତ୍ସା ପାଇଁ ଜିଲ୍ଲା ପ୍ରଶାସନ, କୋରାପୁଟ ଦ୍ୱାରା ତିନୋଟି କୋଭିଡ୍ ଡାକ୍ତରଖାନା କାର୍ଯ୍ୟକ୍ଷମ ହୋଇଛି । ଏହି ଡାକ୍ତରଖାନାଗୁଡ଼ିକରେ ଜିଲ୍ଲାର ୧୪ଟି ବ୍ଲକ୍ ଏବଂ ୪ଟି ପୌରସଂସ୍ଥା ଅଞ୍ଚଳର ରୋଗୀଙ୍କୁ ଚିକିତ୍ସା ଉପଲବ୍ଧ ହେବ ବୋଲି ସେ କହିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ମାନ୍ୟବର ବିଧାୟକ ଶ୍ରୀ ରମେଶ ଚନ୍ଦ୍ର ସାଇ କୋଭିଡ୍ ସଂକ୍ରମିତ ହୋଇଥିବା ଜାଣି ଚିନ୍ତା ପ୍ରକଟ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଆଶୁ ଆରୋଗ୍ୟ ଓ ଉତ୍ତମ ସ୍ୱାସ୍ଥ୍ୟ କାମନା କରିଛନ୍ତି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଚଳିତ ବର୍ଷ ଓଡ଼ିଶାର ଗହିରମଥା ବେଳାଭୂମିରେ ବିଲୁପ୍ତପ୍ରାୟ ଅଲିଭ୍ ରିଡ୍‌ଲେ ପ୍ରଜାତିର ୧.୪୮ କୋଟିରୁ ଅଧିକ ଶିଶୁ କଇଁଛ ଅଣ୍ଡାରୁ ବାହାରିଥିବାରୁ ଖୁସି ବ୍ୟକ୍ତ କରିଛନ୍ତି । ବିଲୁପ୍ତପ୍ରାୟ ପ୍ରଜାତିର ଆବାସସ୍ଥଳୀକୁ ସୁରକ୍ଷା ଦେବା ଦିଗରେ କାର୍ଯ୍ୟ କରିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ସମସ୍ତଙ୍କୁ ଆହ୍ୱାନ ଜଣାଇଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୧,୦୫,୬୬,୨୧୫ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୫,୪୪, ୮୭୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୪,୪୭, ୮୬୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୨୧୯୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୯୪,୭୬୦ ରହିଛି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**